ରବିବାର, ୨ ଜୁନ୍ ୨୦୧୯

ନିତିଦିନ NITIDIN

# ଆଇସିଏଆଇର ନୂତନ କର୍ମକର୍ତ୍ତା ନିର୍ବାଚିତ

**ଭୁବନେଶ୍ୱର,୧।୬/ଏନ୍ଏନ୍ଏସ୍:** ଦି ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କଷ୍ଟ ଆକାଉଣ୍ଟସ୍ ଅଫ୍ ଇଣ୍ଡିଆ (ଆଇସିଏଆଇ) ଭୁବନେଶ୍ୱର ଚାପ୍ଟରର ୨୦୧୯-୨୩ ବର୍ଷ ପାଇଁ ନୂତନ କର୍ମକର୍ତ୍ତା ନିର୍ବାଚନ ଅନୁଷ୍ଠିତ ହୋଇଯାଇଛି । ନବ ନିର୍ବାଚିତ କର୍ମକର୍ତ୍ତାମାନେ ବୈଠକରେ ଅଧ୍ୟକ୍ଷ ଭାବେ ସିଏମ୍ଏ ଶକ୍ତିଧର ସିଂହ, ଉପାଧ୍ୟକ୍ଷ ଭାବେ ସିଏମ୍ଏ ତାପସ ରଞ୍ଜନ ସ୍ୱାଇଁ, ସମ୍ପାଦକ ଭାବେ ସିଏମ୍ଏ ହିମୋଜ ମିଶ୍ର, କୋଷାଧ୍ୟକ୍ଷ ଭାବେ ସିଏମ୍ଏ ପ୍ରଣବ କୁମାର ବେହେରାଙ୍କୁ ଚୟନ କରିଛନ୍ତି । ଅନ୍ୟ ନୂତନ ନିର୍ବାଚିତ କର୍ମକର୍ତ୍ତାମାନେ ହେଲେ ସିଏମ୍ଏ ଶାନ୍ତନୁ କୁମାର ରାଉତ, ସିଏମ୍ଏ ଆଶୁତୋଷ ଦେବତା, ସିଏମ୍ଏ ମୁକେଶ ଚୌବେ, ସିଏମ୍ଏ ଅଜୟ କୁମାର ସାମଲ ଓ ସିଏମ୍ଏ ସୂର୍ଯ୍ୟନାରାୟଣ ତ୍ରିପାଠୀ । ଚାପ୍ଟରର ପୂର୍ବତନ ଅଧ୍ୟକ୍ଷ, କେନ୍ଦ୍ରୀୟ ସଭ୍ୟ ଓ ନବ ନିର୍ବାଚିତ କର୍ମକର୍ତ୍ତାଙ୍କ ଉପସ୍ଥିତିରେ ଚଳିତ ବର୍ଷ ପାଇଁ ଚୟନ କରାଯାଇଥିବା ଅଧ୍ୟକ୍ଷ ସିଏମ୍ଏ ଶକ୍ତିଧର ସିଂହଙ୍କୁ ଦାୟିତ୍ୱ ହସ୍ତାନ୍ତର କରାଯାଇଥିଲା ।

Scanned by CamScanner